ପ୍ରେସ୍‌ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୦୨.୦୫:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୫୮ଟି ଅଭିଯୋଗରୁ ୪୮ଟି ବ୍ୟକ୍ତିଗତ ଓ ୧୦ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀମାନଂକୁ ପରାମର୍ଶ ଦିଆଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଶିକ୍ଷା, ଖଣି ବିସ୍ଥାପିତ ପରିବାରଂକ ସମସ୍ୟା, ଚିକିତ୍ସା ଓ ଜିଲ୍ଲା ସମାଜ ମଙ୍ଗଳ ବିଭାଗର ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଅଭିଯୋଗ କରିଥିଲେ । ଚିକିତ୍ସା ନିମନ୍ତେ ଜଣଂକୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୫ ହଜାର ଟଂକା ପ୍ରଦାନ କରାଯାଇଛି । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ, ଆସିଷ୍ଟାଣ୍ଟ କଲେକ୍ଟର ମନିଷା ଗୁପ୍ତାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୮୭ ତା. ୦୨.୦୫. ୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,ଅନୁଗୋଳ